# ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ଼, ଓଡ଼ିଶା

(ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ, ଓଡ଼ିଶା ସରକାର)

ପରିବେଶ ଭବନ, ଏ/୧୧୮, ନୀଳକଣ୍ଠ ନଗର, ୟୁନିଟ୍ - ୮

ଭୁବନେଶ୍ୱର - ୭୫୧୦୧୨

ସଂଖ୍ୟା - 5327/IND-II-PH-1222 ତାରିଖ : 08.04.2026

8001/19/2627

## ବିଜ୍ଞାପନ

ଏତଦ୍ୱାରା ସମସ୍ତଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ ମେସର୍ସ କଳିଙ୍ଗ ଆଲୁମିନା ଲିମିଟେଡ୍, ଗ୍ରାମ (ଗୁଡ଼ିକ) କତୁମାଳି, ଲେଲିଙ୍ଗାପଦର ରାଖିଗୁଡ଼ା ଏବଂ ଭିକାପଙ୍ଗା, ତହସିଲ - ଥୁଆମୂଳ ରାମପୁର ଏବଂ କାଶିପୁର, ଜିଲ୍ଲା - କଳାହାଣ୍ଡି ଏବଂ ରାୟଗଡ଼ାରେ ଅବସ୍ଥିତ କୁତ୍ରୁମାଳି ବକ୍ସାଇଟ୍ ବ୍ଲକ (ଖଣି ଲିଜ୍ କ୍ଷେତ୍ର : ୭୦୧.୬୯୨ ହେକ୍ଟର) ୪.୦ ଏମଟିପିଏ ବକ୍ସାଇଟ୍ (ଆରଓଏମ) ଉତ୍ପାଦନ ଏବଂ ୮୦୦ ଟିପିଏଚ୍ କ୍ଷମତା ବିଶିଷ୍ଟ କ୍ରସିଂ / ସ୍କ୍ରିନିଂ ବ୍ୟବସ୍ଥା ସ୍ଥାପନ କରିବା ନିମନ୍ତେ ଭାରତ ସରକାରଙ୍କ ପରିବେଶ, ଜଙ୍ଗଲ ଏବଂ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟ (MoEF&CC) ଦ୍ୱାରା ପରିବେଶୀୟ ମଞ୍ଜୁରୀ ଅନ୍ତର୍ଗତ ଆବଶ୍ୟକ ପଡୁଥିବା ସର୍ବସାଧାରଣ ଶୁଣାଣି ପାଇଁ ଓଡ଼ିଶା ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ଼କୁ ରାୟଗଡ଼ା ଜିଲ୍ଲା ପାଇଁ ଆବେଦନ କରିଛନ୍ତି।

ଭାରତ ସରକାର ପରିବେଶ, ଜଙ୍ଗଲ ଏବଂ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟର ପରିବେଶୀୟ ମଞ୍ଜୁରୀ ନିମନ୍ତେ ଅଧିସୂଚନା ସଂଖ୍ୟା ଏସ୍.ଓ. ୧୫୩୩ (ଇ) ତା.୧୪.୯.୨୦୦୬ ରିଖ ଅନୁଯାୟୀ ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ଼, ଓଡ଼ିଶା, ଭୁବନେଶ୍ୱରଙ୍କୁ ସର୍ବସାଧାରଣ ଶୁଣାଣି କରିବାର କ୍ଷମତା ପ୍ରଦାନ କରିଛନ୍ତି । ଏଥି ନିମନ୍ତେ ବୋର୍ଡ଼, ସର୍ବସାଧାରଣଙ୍କ ସମେତ ପ୍ରକୃତ ଅଧିବାସୀ, ପରିବେଶୀୟ ସଂସ୍ଥା ଏବଂ ପ୍ରସ୍ତାବିତ ପ୍ରକଳ୍ପ ସ୍ଥାପନ ହେଉଥିବା ସ୍ଥାନରେ ଜନବର୍ଗ, ପ୍ରକଳ୍ପ ଯୋଗୁଁ ଉଚ୍ଛେଦ ହେଉଥିବା ବାସିନ୍ଦା, ପ୍ରକଳ୍ପ ଯୋଗୁଁ ପ୍ରଭାବିତ ହେଉଥିବା ବାସିନ୍ଦାମାନଙ୍କଠାରୁ ପ୍ରକଳ୍ପ ସ୍ଥାପନ ଯୋଗୁଁ ପରିବେଶୀୟ ପ୍ରଭାବ ସମ୍ବନ୍ଧୀୟ ପ୍ରସ୍ତାବ, ମତାମତ, ମନ୍ତବ୍ୟ ଓ ଆପତ୍ତି ପତ୍ର ଆହ୍ୱାନ କରୁଛନ୍ତି । ଏଥି ନିମନ୍ତେ ବ୍ୟକ୍ତିର ଅର୍ଥ କେବଳ ନିମ୍ନମତେ ବୁଝାଯାଉଛି :

(କ) ପରିବେଶୀୟ ମଞ୍ଜୁରୀ ଦ୍ୱାରା ପ୍ରଭାବିତ ହେଉଥିବା ବା ହେବାକୁ ଥିବା ଯେ କୌଣସି ବ୍ୟକ୍ତି ।

(ଖ) ପ୍ରକଳ୍ପ ସମ୍ପୃକ୍ତ ପରିବେଶୀୟ ମଞ୍ଜୁରୀ ପାଇଁ ଆଗତ ଦରଖାସ୍ତ ପରିପ୍ରେକ୍ଷୀରେ ତହିଁ ଉପରେ କର୍ତ୍ତୃତ୍ୱ ଜାହିର କରିପାରୁଥିବା କୌଣସି ବ୍ୟକ୍ତି ବିଶେଷ ।

(ଗ) ପରିବେଶ କ୍ଷେତ୍ରରେ କାର୍ଯ୍ୟ କରୁଥିବା କିମ୍ବା / ଏବଂ ପ୍ରସ୍ତାବିତ ପ୍ରକଳ୍ପ ଦ୍ୱାରା ପ୍ରଭାବିତ ହେଉଥିବା (ପଞ୍ଜିକୃତ ବା ଅଣପଞ୍ଜିକୃତ) ଯେ କୌଣସି ବ୍ୟକ୍ତି ସମୂହଙ୍କ ସଂଘ ।

(ଘ) ପ୍ରସ୍ତାବିତ ପ୍ରକଳ୍ପର ସ୍ଥାନୀୟ ସୀମାଭୁକ୍ତ ନିକଟବର୍ତ୍ତୀ ଅଞ୍ଚଳରେ ଯେ କୌଣସି ସ୍ଥାନୀୟ କର୍ତ୍ତୃପକ୍ଷ ।

ଉପରୋକ୍ତ ବ୍ୟକ୍ତିମାନେ ସେମାନଙ୍କର ପ୍ରସ୍ତାବ, ମତାମତ, ମନ୍ତବ୍ୟ ଏବଂ ଆପତ୍ତି ଇତ୍ୟାଦିକୁ ସଦସ୍ୟ ସଚିବ, ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ଼, ଓଡ଼ିଶାଙ୍କୁ ଲିଖିତ ଆକାରରେ ଏହି ବିଜ୍ଞାପନ ପ୍ରକାଶନର ୩୦ ଦିନ ମଧ୍ୟରେ ରେଜିଷ୍ଟ୍ରି ଡାକଯୋଗେ ଜଣାଇ ପାରିବେ । ଏହାଛଡ଼ା ଉକ୍ତ ପ୍ରସ୍ତାବିତ ପ୍ରକଳ୍ପ ଉପରେ ଲିଖିତ ବା ମୌଖିକ ଭାବେ ମତାମତ ଦେବା ପାଇଁ ଇଚ୍ଛୁକ ବ୍ୟକ୍ତିମାନେ ତା୧୩.୦୫.୨୦୨୬ ରିଖ ଦିବା ୧୦.୦୦ ଘଟିକା ସମୟରେ ରାୟଗଡ଼ା ଜିଲ୍ଲାର କାଶିପୁର ବ୍ଲକ କାର୍ଯ୍ୟାଳୟ ପରିସରଠାରେ ଧାର୍ଯ୍ୟ ସର୍ବସାଧାରଣ ଶୁଣାଣି ସମୟରେ ମଧ୍ୟ ଉପସ୍ଥାପନ କରିପାରିବେ। ପ୍ରସ୍ତାବିତ ପ୍ରକଳ୍ପ ବିଷୟରେ ବିଶଦ ଭାବରେ ଜାଣିବା ପାଇଁ ପରିବେଶୀୟ ପ୍ରଭାବ ମୂଲ୍ୟାୟନ ବିବରଣୀ (Environmental Impact Assessment) ଏବଂ ଏହାର ନିର୍ବାହୀ ସାରାଂଶ (Executive Summary) ଓଡ଼ିଆ ଏବଂ ଇଂରାଜୀ ଭାଷାରେ ନିମ୍ନଲିଖିତ ସ୍ଥାନମାନଙ୍କରେ ମିଳିପାରିବ ।

୧) ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, ରାୟଗଡ଼ା ।
୨) ଜିଲ୍ଲା ଶିଳ୍ପକେନ୍ଦ୍ର,ରାୟଗଡ଼ା ।
୩) ଜିଲ୍ଲା ପରିଷଦ ମୁଖ୍ୟ ନିର୍ବାହୀ ଅଧିକାରୀ, ରାୟଗଡ଼ା ।
୪) ମୁଖ୍ୟ କାର୍ଯ୍ୟାଳୟ, ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ଼, ଓଡ଼ିଶା, ପରିବେଶ ଭବନ, ଏ/୧୧୮, ନୀଳକଣ୍ଠ ନଗର, ଭୁବନେଶ୍ୱର - ୭୫୧୦୧୨
୫) ଆଞ୍ଚଳିକ କାର୍ଯ୍ୟାଳୟ, ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ଼, ଓଡ଼ିଶା, ରାୟଗଡ଼ା ।
୬) ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ, ଓଡ଼ିଶା ସରକାର, ଭୁବନେଶ୍ୱର ।

ଏତଦ୍‌ବ୍ୟତୀତ ପରିବେଶୀୟ ପ୍ରଭାବ ମୂଲ୍ୟାୟନ ବିବରଣୀର ନିର୍ବାହୀ ସାରାଂଶ (Executive Summary) ଓଡ଼ିଆ ଏବଂ ଇଂରାଜୀ ଭାଷାରେ ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ଼, ଓଡ଼ିଶାର ୱେବସାଇଟ୍ https://ospcboard.odisha.gov.in ରୁ ମଧ୍ୟ ମିଳିପାରିବ ।

ଏ ବିଷୟରେ ସବିଶେଷ ବିବରଣୀ ପାଇଁ ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ଼, ଓଡ଼ିଶାର ଆଞ୍ଚଳିକ କାର୍ଯ୍ୟାଳୟ, ରାୟଗଡ଼ା ସ୍ଥିତ ଆଞ୍ଚଳିକ ଅଧିକାରୀ କିମ୍ବା ଭୁବନେଶ୍ୱରସ୍ଥିତ ମୁଖ୍ୟ କାର୍ଯ୍ୟାଳୟରେ ସଦସ୍ୟ ସଚିବଙ୍କ ସହ ଯୋଗାଯୋଗ କରାଯାଇପାରେ ।

ସଦସ୍ୟ ସଚିବଙ୍କ ଆଦେଶ ଅନୁଯାୟୀ

OIPR 8001/8012/1/26-27/0010

ସ୍ୱା/- ଅତିରିକ୍ତ ମୁଖ୍ୟ ପରିବେଶ ଯନ୍ତ୍ରୀ